# ଗ୍ରାମୀଣ କୃଷି ମୌସମ ସେବା
## ଭାରତ ପାଣିପାଗ ବିଭାଗ
## ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ
## ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା -୧୪ (ଓଡ଼ିଆ ବୁଲେଟିନ) ସପ୍ତାହ - ୦୭ ତାରିଖ: ୧୬.୦୨.୨୦୨୪


## ବରଗଡ଼

ଭାରତ ପାଣିପାଗ ବିଜ୍ଞାନ ବିଭାଗ,ମୌସମ ବିଜ୍ଞାନ କେନ୍ଦ୍ର, ଭୁବନେଶ୍ବର ଅନୁଯାୟୀ ଆସନ୍ତା ସପ୍ତାହରେ ବର୍ଷା ହେବାର ସମ୍ଭାବନା ବହୁତ କମ ଅଛି ଏବଂ ଏହି ସମୟ ଅବଧିରେ ଆକାଶ ସଫା କିମ୍ବା ଆଂଶିକ ରହିପାରେ । ଆସନ୍ତା ୫ ଦିନ ମଧ୍ୟରେ ସର୍ବୋଚ୍ଚ ତାପମାତ୍ରା ୩୧ ରୁ ୩୩ ଡିଗ୍ରୀ ସେଣ୍ଟିଗ୍ରେଡ ଓ ସର୍ବନିମ୍ନ ତାପମାତ୍ରା ୧୮ ରୁ ୧୯ ଡିଗ୍ରୀ ସେଣ୍ଟିଗ୍ରେଡ ମଧ୍ୟରେ ରହିବାର ସମ୍ଭାବନା ରହିଅଛି। ଆସନ୍ତା ସପ୍ତାହରେ ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୩୫% ରୁ ୪୧% ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୧୬% ରୁ ୨୨% ମଧ୍ୟରେ ରହିବାର ସମ୍ଭାବନା ରହିଅଛି । ଆସନ୍ତା ୫ ଦିନ ମଧ୍ୟରେ ୭ ରୁ ୧୨ କି.ମି. ପ୍ରତି ଘଣ୍ଟା ବେଗରେ ଦକ୍ଷିଣ ପୂର୍ବ କିମ୍ବା ଦକ୍ଷିଣ ପଶ୍ଚିମ ଦିଗରୁ ପବନ ବହିବାର ସମ୍ଭାବନା ରହିଅଛି ।

| ତାରିଖ | ୧୭-୦୨-୨୦୨୪ | ୧୮-୦୨-୨୦୨୪ | ୧୯-୦୨-୨୦୨୪ | ୨୦-୦୨-୨୦୨୪ | ୨୧-୦୨-୨୦୨୪ |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | ୦ | ୦ | ୦ | ୦ | ୦ |
| ସର୍ବାଧିକ ତାପମାତ୍ରା (º ସେଣ୍ଟିଗ୍ରେଡ) | ୩୧ | ୩୨ | ୩୨ | ୩୩ | ୩୩ |
| ସର୍ବନିମ୍ନ ତାପମାତ୍ରା (º ସେଣ୍ଟିଗ୍ରେଡ) | ୧୮ | ୧୮ | ୧୮ | ୧୯ | ୧୯ |
| ସମ୍ପୂର୍ଣ୍ଣ ମେଘ ଆବରଣ(ଓକଟା) | ୧ | ୦ | ୧ | ୨ | ୨ |
| ସର୍ବାଧିକ ଆପେକ୍ଷିକ ଆଦ୍ରତା (ଶତକଡା %) | ୪୧ | ୩୫ | ୩୬ | ୩୯ | ୪୧ |
| ସର୍ବନିମ୍ନ ଆପେକ୍ଷିକ ଆଦ୍ରତା (ଶତକଡା %) | ୨୨ | ୧୬ | ୧୮ | ୧୯ | ୧୮ |
| ପବନ ବେଗ (କିମି/ଘଣ୍ଟା ପ୍ରତି) | ୭ | ୮ | ୭ | ୯ | ୧୨ |
| ପବନ ଦିଗ (ଡିଗ୍ରୀ) | ୧୧୨ | ୧୦୮ | ୧୩୫ | ୨୪୩ | ୨୩୮ |

ଅଧିକ ଜାଣିବା ପାଇଁ , ଭାରତୀୟ ପାଣିପାଗ ବିଭାଗ , ଭୁବନେଶ୍ୱର, ଟେଲିଫୋନ # ୦୬୭୪-୨୫୯୬୧୧୬ ରେ ଯୋଗାଯୋଗ କରନ୍ତୁ

### ସାଧାରଣ ଉପଦେଶ

- ଆସନ୍ତା ସପ୍ତାହରେ ପାଗ ମୁଖ୍ୟତଃ ସୁଖିଲା ରହିବାର ସମ୍ଭାବନା ରହିଅଛି ଏବଂ ଆସନ୍ତା ୩ ଦିନ ମଧ୍ୟରେ ସର୍ବନିମ୍ନ ତାପମାତ୍ରା (ରାତିର ତାପମାତ୍ରା)ରେ ୨ ରୁ ୩ ଡିଗ୍ରୀ ବୃଦ୍ଧି ଦେଖଯାଇପାରେ ତେଣୁ ଯେକୌଣସି ପ୍ରକାରର ଔଷଧର ପ୍ରୟୋଗ ଏହି ସମୟ ଅବଧିରେ କରିବାକୁ ଏବଂ ଜଳ ସେଚନ ପାଇଁ ଉଚିତ ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଇଅଛି ।
- ଗ୍ରୀଷ୍ମକାଳିନ ପନିପରିବା ଯେପରିକି କଖାରୁ ଜାତୀୟ ପରିବା, ଟମାଟର, ଲଂକା ଇତ୍ୟଦୀ ଚାଷ ପାଇଁ ନର୍ସରୀରେ ବିହନ ବୁଣା ଏବଂ ଭେଣ୍ଡି ଚାଷ ପାଇଁ ଖେତକୁ ଯୋଟିବା କାର୍ଯ୍ୟ ପ୍ରାରମ୍ଭ କରିଦେବାକୁ ପରାମର୍ଶ ଦିଆଯାଇଅଛି ।
- ବର୍ତ୍ତମାନ ପାଣିପାଗର ଯେଉଁ ସ୍ଥିତି ରହିଅଛି ତାହା ଫସଲରେ ରୋଗ ପୋକ ଆକ୍ରମଣ ପାଇଁ ଅନୁକୂଳ ଅଟେ ତେଣୁ ଏହାର ନିୟମିତ ନିରୀକ୍ଷଣ କରନ୍ତୁ ।

### ପାଣିପାଗ ଭିତ୍ତିକ କୃଷି ଏବଂ ପଶୁପାଳନ ଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁ ପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ଡାଲୁଆ ଧାନ | ରୋପଣ ଅବସ୍ଥା | ୨୧ ରୁ ୨୫ ଦିନ କିମ୍ବା ତା'ଠୁ ଅଧିକ ଦିନ ପୁରୁଣା ତଳିର ରୋପଣ କାର୍ଯ୍ୟ ପ୍ରାରମ୍ଭ କରିଦେବାକୁ ପରାମର୍ଶ ଦିଆଯାଉଛି । ଚାଷୀ ଭାଇମାନେ ଘାସମରା ଔଷଧ ହିସାବରେ ବେନସଲଫ୍ୟୁରାନ ମିଥାଇଲ @ ୪ କିଲୋ ପ୍ରତି ଏକର ସହିତ ପ୍ରେଟିଲାକ୍ଲୋରକୁ ମିଶାଇ ଧାନ ରୁଆର ୫ ରୁ ୮ ଦିନ ମଧ୍ୟରେ କିମ୍ବା ୫ ଗ୍ରାମ ପାଇରାଜୋସଲଫ୍ୟୁରାନ ଇଥାଇଲ ୧୦% wp କୁ ପ୍ରତି ୧୦ ଲିଟର ପାଣିରେ ମିଶାଇ ରୋଇବାର ୩ ରୁ ୫ ଦିନ ମଧ୍ୟରେ କିମ୍ବା ବିସ୍ପାରିବେକ୍ ସୋଡିଅମର ୧୨୦ ମିଲୀ କୁ ୧୪୦ ଲିଟର ପାଣିରେ ମିଶାଇ ଏକର ପିଛା ରୋଇବାର ୧୦ ରୁ ୧୫ ଦିନ ମଧ୍ୟରେ ଶୁଷ୍କ ପାଗକୁ ଦେଖି ସିଂଚନ କରନ୍ତୁ । |
| ମୁଗ ଏବଂ ବିରି | ପୁଷ୍ପ ଏବଂ ଫଳ | ଆସନ୍ତା ସପ୍ତାହରେ ବର୍ଷା ହେବାର ସମ୍ଭାବନା କମ ଅଛି ତେଣୁ ମୁଗ ଓ ବିରି ଖେତରେ ମାଟିର ଆର୍ଦ୍ରତା ବଜାୟ ରଖିବାକୁ |

| | | |
|---|---|---|
| | ଅବସ୍ଥା | ପରାମର୍ଶ ଦିଆଯାଇଅଛି କାରଣ ଏହି ଅବସ୍ଥାରେ ଜଳ ଅଭାବରୁ ଫୁଲ ଓ ଫଳ ଝଡିବାର ସମ୍ଭାବନା ବଢ଼ିଯାଏ । ଯଦି ମୁଗ ଓ ବିରି ଜାତୀୟ ଫସଲରେ ସାହେବୀ ରୋଗର ଲକ୍ଷଣ ଦେଖାଯାଏ ଯାହାକି ଧଳା ମାଛି ଦ୍ବାରା ବ୍ୟାପିଥାଏ ତେଣୁ ଧଳା ମାଛିର ନିୟନ୍ତ୍ରଣ ପାଇଁ ପ୍ରତି ଏକର ପିଛା ୪୦ ଗ୍ରାମ ଏସିଟାମିପ୍ରିଡକୁ ୨୦୦ ରୁ ୨୫୦ ଲିଟର ପାଣିରେ ମିଶାଇ ବର୍ଷା ଛାଡ଼ିଲା ପରେ ଶୁଷ୍କ ପାଗକୁ ଦେଖି ଖେତରେ ପ୍ରୟୋଗ କରନ୍ତୁ । |
| ରାଶି | ବିହନ ବୁଣିବା | ଏକର ପିଛା ୨ ରୁ ୨.୫ କିଲୋ ବିହନ ହିସାବରେ ରାଶିର ବୁଣା କାର୍ଯ୍ୟ ପ୍ରାରମ୍ଭ କରିଦେବାକୁ ପରାମର୍ଶ ଦିଆଯାଇଅଛି । ବିହନ ବୁଣିବା ପୂର୍ବରୁ ୨ ଗ୍ରାମ ବାଭିଷ୍ଟିନ କୁ ପ୍ରତି କିଲୋ ବିହନ ହିସାବରେ ବିଶୋଧନ କରନ୍ତୁ ଏବଂ ଏହାର ବିହନର ଆକାର ଛୋଟ ହୋଇଥିବାରୁ ବୁଣିବା ସମୟରେ ବିହନରେ ବାଲି କିମ୍ବା ମାଟି ମିଶାଇ ଧାଡ଼ିରେ ବୁଣନ୍ତୁ । |
| ଚିନାବାଦାମ | ବନସ୍ପତି ବିକାସ | ବିହନ ବୁଣିବାର ୧୫ ଦିନ ମଧ୍ୟରେ ଘାସମରା ଔଷଧ ଭାବରେ ୩ ମିଲି ଇମାଯେଥାପିରକୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି ପ୍ରୟୋଗ କରିପାରିବେ । |
| ବାଇଗଣ, ଟମାଟର | ପୁଷ୍ପ ଏବଂ ଫଳ ଅବସ୍ଥା | ଯଦି ବାଇଗଣ ଏବଂ ଟମାଟର ଗଛରେ ପତ୍ରଖିଆ ସମ୍ବାଳୁଆ ଏବଂ କାଣ୍ଡ ଓ ଫଳବିନ୍ଧା ପୋକର ଆକ୍ରମଣ ଦେଖାଯାଏ ତାହେଲେ ୦.୪ ଗ୍ରାମ ଇମାମେକଟିନ୍ ବେନଯୋଏଡ଼କୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି ଗଛରେ ପ୍ରୟୋଗ କରନ୍ତୁ । ଧଳା ମାଛିର ନିୟନ୍ତ୍ରଣ ପାଇଁ ୦.୩ ଗ୍ରାମ ଥାଇଓମିଥୋକ୍ସାମକୁ ପ୍ରତି ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । ଅଧିକ ଜଳର ନିଷ୍କାସନ ପାଇଁ ପ୍ରବନ୍ଧ କରନ୍ତୁ । |
| ଟମାଟର | ବୁଣିବା/ ବନସ୍ପତି ବିକାସ | ଗ୍ରୀଷ୍ମକାଳିନ ଟୋମାଟୋ ଚାଷ ପାଇଁ ବିହନ ବୁଣା କାର୍ଯ୍ୟ ପ୍ରାରମ୍ଭ କରିଦେବାକୁ ପରାମର୍ଶ ଦିଆଯାଇଅଛି କାରଣ ଏବେ ତାପମାତ୍ରା ଯାହା ବିହନର ଅଂକୁରଣ ପାଇଁ ଉପଯୋଗୀ ଅଟେ । ଆସନ୍ତା ସପ୍ତାହରେ ବର୍ଷାର ସମ୍ଭାବନାକୁ କମ ଅଛି ତେଣୁ ଯେଉଁ ଗଛଗୁଡା ବନସ୍ପତି ବିକାସ ସ୍ତରରେ ଅଛି ସେଥିରେ କୁଡା ଖୋସା ଏବଂ ଘାସ ଉପାଡିବା କାର୍ଯ୍ୟ ପାଇଁ ଉଚିତ ପ୍ରବନ୍ଧ କରିବାକୁ ପରାମର୍ଶ ଦିଆଯାଇଅଛି । |
| ଗାଈ | ପଶୁମାନଙ୍କୁ ଖୁରା ରୋଗ, HS ଏବଂ BQ ରୋଗର ସଂକ୍ରମଣରୁ ରକ୍ଷା କରିବା ପାଇଁ ଏହାର ଟୀକାକରଣ ନିଶ୍ଚୟ କରାନ୍ତୁ । ଗୁହାଳକୁ ସବୁବେଳେ ସଫା ଏବଂ ଶୁଖିଲା ରଖନ୍ତୁ ଯାହାଦ୍ଵାରା ପଶୁମାନେ ରୋଗ ଓ ପୋକ ଜୋକ ରୁ ସୁରକ୍ଷିତ ରହିବେ ଏବଂ ରୋଗିଣା ପଶୁମାନଙ୍କୁ ସୁସ୍ଥ ପଶୁମାନଙ୍କଠୁ ଅଲଗା ରଖନ୍ତୁ । | |


| | |
|---|---|
| **Ms. Jubuli Sahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. Sanjukta Mohapatra**<br>**ADR & Nodal Officer**<br>**RRTTS, Chiplima** |


କୃଷି ରେ ଉତ୍ତମ ଲାଭ ପାଇଁ, **OUAT KALINGA** ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟୁପିଏମ୍, ଟିସୁ କଲଚର ପ୍ଲାଣ୍ଟ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ସ୍ୱୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତ ଇତ୍ୟାଦି) ବ୍ୟବହାର କରନ୍ତୁ।

ଭାରତ ପାଣିପାଗ ବିଭାଗର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ବର୍ତ୍ତମାନ ଉଭୟ ଇଂରାଜୀ ଏବଂ ଓଡ଼ିଆ ଭାଷାରେ ମେଘଦୂତ ମୋବାଇଲ ଆପ ରେ ଉପଲବ୍ଧ ଅଛି ଏବଂ ତଳେ ଦିଆଯାଇଥିବା ଲିଙ୍କ ରେ ଏହି ଆପଟିକୁ ଡାଉନଲୋଡ କରିପାରିବେ। (https://play.gooogle.com/store/apps/details?id=com.aas.meghdoot)

କୃଷକ ଭାଇମାନେ ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ କୁ ଅନୁସରଣ କରନ୍ତୁ ଏବଂ ତଳେ ଦିଆଯାଇଥିବା ଲିଙ୍କ ରେ ଏହି ଆପଟିକୁ ଡାଉନଲୋଡ କରିପାରିବେ। (https://play.google.com/store/apps/details?id=com.lightening.live.damini)